# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 23 February - 2025

********************************

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

## ସ୍ୱୟଂ ସହାୟକ ଗୋଷ୍ଠୀ

ରାଜ୍ୟର ପ୍ରାୟ ୫ଲକ୍ଷ ୮୦ହଜାର ସ୍ୱୟଂସହାୟକ ଗୋଷ୍ଠୀକୁ ପ୍ରଦାନ କରାଯାଉଥିବା ପାଣ୍ଠି ପରିମାଣକୁ ରାଜ୍ୟ ସରକାର ଦ୍ୱିଗୁଣିତ କରିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ଜନତା

ମଇଦାନଠାରେ ଗତକାଲି ଆୟୋଜିତ ସୁଭଦ୍ରା ଶକ୍ତିମେଳାକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ ଏହା କହିଛନ୍ତି । ସେ କହିଛନ୍ତି ସ୍ୱୟଂସହାୟକ ଗୋଷ୍ଠୀ ଗୁଡ଼ିକର ୧୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବ୍ୟାଙ୍କ ଋଣ ଉପରେ ରାଜ୍ୟ ସରକାର ସୁଧ ଫେରସ୍ତ ବ୍ୟବସ୍ଥା କରିଛନ୍ତି । ଚଳିତ ଆର୍ଥିକ ବର୍ଷରେ ୩ଲକ୍ଷରୁ ଅଧିକ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ୩୦୦ କୋଟି ଟଙ୍କାର ସୁଧ ଫେରସ୍ତ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି । ଏଥିରେ ଯୋଗଦେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା କହିଛନ୍ତି ସୁଭଦ୍ରା ମେଳା ମହିଳାଙ୍କ ସୃଜନଶୀଳତା, ଦକ୍ଷତା ଏବଂ ଉଦ୍ୟମିତା ବିକାଶ ପାଇଁ ଏକ ବଡ ମଞ୍ଚ ପ୍ରଦାନ କରିଛି ।

## ଯକ୍ଷ୍ମାରୋଗ ନିରାକରଣ

ସମଗ୍ର ଦେଶରେ ଯକ୍ଷ୍ମାରୋଗ ନିରାକରଣ ଲକ୍ଷ୍ୟ ନେଇ  ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରଣାଳୟ ପକ୍ଷରୁ ଅନୁଷ୍ଠିତ ଏକ ୧୦୦ଦିନିଆ ଅଭିଯାନ ମାଧ୍ୟମରେ ୫ଲକ୍ଷରୁ ଅଧିକ ଯକ୍ଷ୍ମା ରୋଗୀଙ୍କୁ ଚିହ୍ନଟ କରାଯାଇଛି । ୪୫୫ଟି ଜିଲ୍ଲାକୁ ଏଥିରେ ସାମିଲ କରାଯାଇଥିଲା । ଏତଦ୍‌ବ୍ୟତୀତ ୧୦ କୋଟିରୁ ଊର୍ଦ୍ଧ୍ୱ ସନ୍ଦିଗ୍ଧ ଯକ୍ଷ୍ମା ରୋଗୀଙ୍କର ଏହି ଅଭିଯାନ ମାଧ୍ୟମରେ ପରୀକ୍ଷା କରାଯାଇଥିବା ମନ୍ତ୍ରଣାଳୟ ସୂଚନା ଦେଇଛି । ଏହି ଅଭିଯାନ ଅଧୀନରେ ୧୦ ଲକ୍ଷ ନି-କ୍ଷୟ ଶିବିର ଜରିଆରେ ଯକ୍ଷ୍ମା ଚିହ୍ନଟ ଲାଗି ଆଧୁନିକ ଯନ୍ତ୍ରପାତିର ବ୍ୟବହାର ସମ୍ପର୍କରେ ମଧ୍ୟ ଜନସାଧାରଣଙ୍କୁ ସଚେତନ କରାଯାଇଥିଲା ।

# ଜନ ଅଭିଯେଗା ଶୁଣାଣି ବନ୍ଦ

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତାକାଲି ବନ୍ଦ ରହିବ । ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯାନ ବିଭାଗ ପକ୍ଷରୁ ଏ ସମ୍ପର୍କରେ ସୂଚନା ପ୍ରଦାନ କରାଯିବା ସହିତ ଅଭିଯୋଗ ଶୁଣାଣିର ପରବର୍ତ୍ତୀ ତାରିଖ ଘୋଷଣା କରାଯିବା ନେଇ କୁହାଯାଇଛି ।

# ଷଷ୍ଠ ଓଡ଼ିଶା ଟ୍ରାଭେଲ ବଜାର ଆରମ୍ଭ

ଆନ୍ତର୍ଜାତିକ ପର୍ଯ୍ୟଟନ ଗନ୍ତବ୍ୟ ସ୍ଥଳୀ ଭାବେ ଓଡ଼ିଶାର ସ୍ଥିତିକୁ ସୁଦୃଢ଼ କରିବା ଲକ୍ଷ୍ୟ ନେଇ ଆସନ୍ତାକାଲିଠାରୁ ଷଷ୍ଠ ଓଡ଼ିଶା ଟ୍ରାଭେଲ ବଜାର ଆରମ୍ଭ ହେବ । ଭାରତୀୟ ବାଣିଜ୍ୟ ଶିଳ୍ପ ମହାସଂଘ ସହଭାଗିତାକରେ ରାଜ୍ୟ ପର୍ଯ୍ୟଟନ ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମ ଆସନ୍ତା ୨୭ ତାରିଖ ପର୍ଯ୍ୟନ୍ତ ଚାଲିବ । ଗଣମାଧ୍ୟମକୁ ଏହି ସମ୍ପର୍କରେ ସୂଚନା ଦେଇ ଉପ ମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା କହିଛନ୍ତି ରାଜ୍ୟର ସାଂସ୍କୃତିକ ଐତିହ୍ୟ, ବେଳାଭୂମି, ଇକୋ ଟୁରିଜିମ ଏବଂ ପର୍ଯ୍ୟଟନ କ୍ଷେତ୍ର ଭିତ୍ତିଭୂମିର ବିକାଶ ଦିଗରେ ଏହି କାର୍ଯ୍ୟକ୍ରମ ସହଯୋଗ ପ୍ରଦାନ କରିବ ।

**V/o-**

# ବିଜୁ ପଟ୍ଟନାୟକ ପାର୍କ ଖୋଲିଲା

କଟକ ସିଡିଏ ସେକ୍ଟର-୧୨ ସ୍ଥିତ ବିଜୁ ପଟ୍ଟନାୟକ ପାର୍କ ଆଜିଠାରୁ ଖୋଲୁଛି । କଟକ ଉନ୍ନୟନ କର୍ତ୍ତୃପକ୍ଷଙ୍କ ପକ୍ଷରୁ ଏହି ନିଷ୍ପତ୍ତି ନିଆଯାଇଛି ।

ପାର୍କରେ ରହିଥିବା ବିଭିନ୍ନ ସୁବିଧା ସୁଯୋଗର ବ୍ୟବହାର ପାଇଁ ନିର୍ଦ୍ଦିଷ୍ଟ ଦେୟ ଧାର୍ଯ୍ୟ କରାଯାଇଥିବା ଜଣାପଡିଛି ।

## ନୀତି ଆୟୋଗ ସଦସ୍ୟଙ୍କ ଗସ୍ତ

ନୀତିଆୟୋଗ ସଦସ୍ୟ ଡକ୍ଟର ଅରବିନ୍ଦ ଭୀରମାନି ଗତକାଲି ଦିନିକିଆ ଢେଙ୍କାନାଳ ଗସ୍ତରେ ଆସି ମହିଂସାପାଟସ୍ଥିତ କୌଶଳ ବିକାଶ କେନ୍ଦ୍ର ଓ ଛାତ୍ରୀ ନିବାସ ପରିଦର୍ଶନ କରିଥିଲେ । ଛାତ୍ରଛାତ୍ରୀଙ୍କୁ ସେଠାରେ ପ୍ରଦାନ କରାଯାଉଥିବା ତାଲିମ ସମ୍ପର୍କରେ ସେ ସମୀକ୍ଷା କରିବା ସହ ଛାତ୍ରୀ ନିବାସ ପରିଚାଳନା ସମ୍ପର୍କରେ ପଚାରି ବୁଝିଥିଲେ । ଏହାପରେ ବୋରପଦା ଅଙ୍ଗନବାଡି କେନ୍ଦ୍ର ପରିଦର୍ଶନ କରିଥିଲେ ।

## ଏଫ୍‌ଆଇଏଚ୍ ହକି

ଏଫ୍‌ଆଇଏଚ୍ ପ୍ରୋ ହକି ଲିଗ୍ ପ୍ରତିଯୋଗିତାର ପୁରୁଷ ବର୍ଗରେ ଭାରତ ଗତକାଲି ବିଜୟହାସଲ କରିଛି । ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମଠାରେ ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ’ ଆର୍ୟ୍ୟାଲାଣ୍ଡକୁ ୪-୦ ଗୋଲ୍‌ରେ ପରାସ୍ତ କରିଛି । ଏହି ବିଜୟ ସହ ଭାରତ ୬ଟି ମ୍ୟାଚ୍‌ରୁ ୪ଟି ବିଜୟ ସହ ୧୨ ପଏଣ୍ଟ ହାସଲ କରିଛି । ପରବର୍ତ୍ତୀ ମ୍ୟାଚ୍ ଆସନ୍ତାକାଲି ଇଂଲଣ୍ଡ ବିପକ୍ଷରେ ଖେଳିବ ।

ଅନ୍ୟପକ୍ଷରେ ମହିଳା ବର୍ଗରେ ଭାରତ’ ଜର୍ମାନୀକୁ ୧-୦ ଗୋଲ୍‌ରେ ପରାସ୍ତ କରିଛି । ଆସନ୍ତାକାଲି ଭାରତ ଆର୍ୟ୍ୟାଲାଣ୍ଡ ବିପକ୍ଷରେ ଖେଳିବ ।

ଅନ୍ୟଏକ ମ୍ୟାଚ୍‌ରେ ନେଦରଲ୍ୟାଣ୍ଡ୍‌ସ ୬-୦ ଗୋଲ୍‌ରେ ଇଂଲଣ୍ଡକୁ ପରାସ୍ତ କରିଥିଲା ।

# ପାଣିପାଗ

ପଶ୍ଚିମାଝଡ଼ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଗତକାଲି ବିଜୁଳି ଘଡଘଡି ସହ ବର୍ଷା ହୋଇଛି । ସର୍ବାଧିକ ୨୧ ମିଲିମିଟର ବର୍ଷା ଅନୁଗୁଳଠାରେ ରେକର୍ଡ କରାଯାଇଛି । ଘଡ଼ଘଡ଼ି ସହ ବର୍ଷା ନେଇ ଆଜିପାଇଁ ୪ଟି ଜିଲ୍ଲାକୁ ଭୁବନେଶ୍ୱର ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି । ଏହି ଜିଲ୍ଲାଗୁଡ଼ିକ ହେଲା ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ ଓ କେନ୍ଦୁଝର । ତେବେ ଯାଜପୁର, କେନ୍ଦ୍ରାପଡା, କଟକ, ଜଗତ୍‌ସିଂହପୁର, ପୁରୀ, ଖୋର୍ଦ୍ଧା ଏବଂ ନୟାଗଡ ଜିଲ୍ଲାର ମଧ୍ୟ କେତେକ ଅଞ୍ଚଳରେ ବର୍ଷାର ସମ୍ଭାବନା ରହିଛି ।